# The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 1711 CUTTACK, SATURDAY, SEPTEMBER 15, 2018/BHADRA 24, 1940**


## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଘୋଷଣା

No. 24827-RDM-LAA-MBJ-0069-2017-R&DM, Dated. 07-07-2018

ସର୍ବସାଧାରଣଙ୍କ ଅବଗତି ନିମନ୍ତେ, ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ (RFCTLAR & R Act, 2013 )ର ଧାରା ୧୯ ର ଅଧିନିୟମ ୧ ଅନୁଯାୟୀ ଏହି ଘୋଷଣାନାମା ଦିଆଯାଉଅଛି ଯେ ଉକ୍ତ ଆଇନ ର ଧାରା ୧୫(୨) ଅନୁସାରେ ଜିଲ୍ଲାପାଳଙ୍କ ଦ୍ୱାରା ପ୍ରଦତ୍ତ ରିପୋର୍ଟକୁ ବିବେଚନା କରି ରାଜ୍ୟ ସରକାରଙ୍କୁ ଏହି ଆଇନର ଧାରା ୨(୧) ପ୍ରକାରେ ପ୍ରତୀତ ହେଉଅଛି ଯେ ମୌଜା- **ଉଦାଳିପାଳ,** ଥାନା- ମୋରଡା ନଂ-୧୨୭ , ତହସିଲ- ରାସଗୋବିନ୍ଦପୁର , ଜିଲ୍ଲା- ମୟୁରଭଞ୍ଜ ରେ ନିମ୍ନ ସୂଚୀତ 'କ' ତଫସିଲ ଜମି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଯଥା ସୁବର୍ଣ୍ଣରେଖା ଜଳସେଚନ ପ୍ରକଳ୍ପର ଉଦାଳିପାଳ ସବ-ମାଇନର ନିମନ୍ତେ ଭୂମି ଅଧିଗ୍ରହଣ ଆବଶ୍ୟକ ହେଉଅଛି ।

ଏହି ଭୂମି ଅଧିଗ୍ରହଣ ସମ୍ବନ୍ଧୀୟ ପ୍ରାରମ୍ଭିକ ବିଜ୍ଞପ୍ତି ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ (RFCTLAR & R Act, 2013) ର ଧାରା ୧୧(୧) ଅନୁଯାୟୀ ବିଜ୍ଞପ୍ତି ସଂଖ୍ୟା **୨୯୧୨୫** ତା. **୦୪.୦୯.୨୦୧୭** ରିଖ ରେ ପ୍ରକାଶିତ ହୋଇଅଛି ।

ପୁନଶ୍ଚ ଏହା ଘୋଷଣା କରାଯାଉଅଛି ଯେ ମୌଜା – **ଉଦାଳିପାଳ** ,ଥାନା- ମୋରଡା ନଂ-୧୨୭, ଜିଲ୍ଲା- ମୟୁରଭଞ୍ଜ ରେ କୌଣସି ବିସ୍ଥାପିତ ପରିବାର ନ ଥିବାରୁ ପୁନର୍ବାସ ଓ ଥଇଥାନ ନିମିତ୍ତ କୌଣସି ଜମି ଚିହ୍ନଟ ଓ ପୁନର୍ବାସ ଓ ଥଇଥାନ ଯୋଜନା ରୂପରେଖର ସାରମର୍ମ ସଂଲଗ୍ନ କରାଯାଇନାହିଁ ।

ଅନୁମୋଦିତ ପୁନର୍ବାସ ଓ ଥଇଥାନ ଯୋଜନା ଜିଲ୍ଲାପାଳ ଏବଂ ପୁନର୍ବାସ ଓ ଥଇଥାନ ପ୍ରଶାସନ କାର୍ଯ୍ୟାଳୟରେ ଉପଲବ୍ଧ ଅଟେ । ଏହା ମଧ୍ୟ ଜିଲ୍ଲା ୱେବସାଇଟ **www.mayurbhanj.nic.in** ରେ ଏବଂ ରାଜ୍ୟ ସରକାରଙ୍କ ୱେବସାଇଟ http://revenue.odisha.gov.in ରେ ସର୍ବସାଧାରଣଙ୍କ ଅବଲୋକନ ପାଇଁ ଅପଲୋଡ୍ କରାଯାଇଛି । ପୁନର୍ବାସ ଓ ଥଇଥାନ ଯୋଜନାର ଭୂମି ନକ୍ସା ଭୂ-ଅର୍ଜନ ମହାମଣ୍ଡଳ ଅଧିକାରୀ, ସୁବର୍ଣ୍ଣରେଖା ଜଳସେଚନ ପ୍ରକଳ୍ପ , ଲକ୍ଷ୍ମୀପୋଷି , ବାରିପଦା ସ୍ଥିତ , ମୟୁରଭଞ୍ଜ ଙ୍କ କାର୍ଯ୍ୟାଳୟରେ କାର୍ଯ୍ୟ ଦିବସ ମାନଙ୍କରେ ଦେଖିବାକୁ ମିଳିପାରିବ ।

**ତଫସିଲ- କ**

**(ପ୍ରସ୍ତାବିତ ଭୂମି ଅଧିଗ୍ରହଣ ଅନୁସୂଚୀ)**

**ଜିଲ୍ଲା: ମୟୁରଭଞ୍ଜ** **ତହସିଲ: - ମୋରଡା**

| ଗ୍ରାମର ନାମ | ଗ୍ରାମାଞ୍ଚଳ / ସହରାଞ୍ଚଳ | ଖାତା ନଂ | ପ୍ଲଟ୍ ନଂ | କିସମ | ପ୍ଲଟ୍ ର ମୋଟ ରକବା | ଅଧିଗ୍ରହଣ ହେବାକୁ ଥିବା ଜମିର ରକବା | ରୟତ୍ ଙ୍କ ନାମ |
|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ |
| ଉଦାଳିପାଳ | ଗ୍ରାମାଞ୍ଚଳ | ଏଥି ସହିତ ସଂଲଗ୍ନ | ଏଥି ସହିତ ସଂଲଗ୍ନ | ଏଥି ସହିତ ସଂଲଗ୍ନ | ଏକର . ୬.୫୫ | ଏକର. ୧.୦୨ | ଏଥି ସହିତ ସଂଲଗ୍ନ |

**ତଫସିଲ- ଖ**

**(ପୁନର୍ବାସ ନିମିତ୍ତ ଚିହ୍ନଟ ଭୂମି ଅନୁ ସୂଚୀ)**

**ଜିଲ୍ଲା:- ମୟୁରଭଞ୍ଜ** **ତହସିଲ: - ବେତନଟୀ**

| ଗ୍ରାମର ନାମ | ଗ୍ରାମାଞ୍ଚଳ / ସହରାଞ୍ଚଳ | ଖାତା ନଂ | ପ୍ଲଟ୍ ନଂ | କିସମ | ପ୍ଲଟ୍ ର ମୋଟ ରକବା | ପୁନର୍ବାସ ନିମିତ୍ତ ଚିହ୍ନଟ ଜମିର ରକବା | ରୟତ୍ ଙ୍କ ନାମ |
|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ |
| ପ୍ରଯୁଜ୍ୟ / ପ୍ରଯୁଜ୍ୟ ନୁହେଁ | | | | | | | |

ଅଧିସୂଚନାର ବୈଧ ତାରିଖ—୩୧.୦୩.୨୦୧୮

ଭୂମି ଅନୁସୂଚୀ

| ଖାତା ନଂ | ପ୍ଲଟ ନଂ | ମୋଟ ରକବା | ଆକ୍ୟୁଆର ରକବା | କିସମ | ମନ୍ତବ୍ୟ |
|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ |
| ୧୫ | ୪ | ୦.୯୦ | ୦.୦୩ | ଡାହି ଦୁଇ | ଗେଡା ମାଝୀ, ଭାଦୁ ମାଝୀ, ପି- ରାଜ ମାଝୀ ଜା- ସାନ୍ତାଳ ବା- ନିଜଗାଁ |
| | ୭ | ୧.୧୩ | ୦.୩୮ | ଡାହି ଦୁଇ | |
| ୪୬ | ୧ | ୨.୧୧ | ୦.୧୮ | ଡାହି ଦୁଇ | ମାନୁ ମାଝୀ, ପି- ଭଗବାନ ମାଝୀ, ରମେଶ ମାଝୀ, ହରି ମାଝୀ, ଚୈତନ୍ୟ ମାଝୀ, ପି- ଫଗଲା ମାଝୀ  ଜା- ସାନ୍ତାଳ ବା- ନିଜଗାଁ |
| | ୫ | ୦.୬୨ | ୦.୦୧ | ଡାହି ଦୁଇ | |
| | ୧୭ | ୧.୭୯ | ୦.୪୨ | ଡାହି ଦୁଇ | |
| ସର୍ବମୋଟ | ୫ ପ୍ଲଟ କୁ | ଏ. ୬.୫୫ | ଏ. ୧.୦୨ | | |

ରାଜ୍ୟପାଳଙ୍କ  ଆଦେଶକ୍ରମେ

**ଅଭୟ କୁମାର ନାୟକ**

ଯୁଗ୍ମ ଶାସନ ସଚିବ

Printed and Published by the Director,Directorate of Printing, Stationery and Publication, Odisha, Cuttack-10
Ex. Gaz. 1188–173+20